ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୨୬ ଜଣ କରୋନା ପଜିଟିଭ ଚିହ୍ନଟ ।

ପଜିଟିଭ ସଂଖ୍ୟା ୩୮୬୪୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୪୧୭ଜଣ ।

ଅନୁଗୋଳ, ତା.୧୪.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୨୨୬ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୩୭ଜଣ (୧୯ ଜଣ ପୁରୁଷ ଓ ୧୮ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୩୧ଜଣ (୧୯ଜଣ ପୁରୁଷ ଓ ୧୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୯ଜଣ (୧୬ ଜଣ ପୁରୁଷ ଓ ୧୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୭ଜଣ (୧୪ ଜଣ ପୁରୁଷ ଓ ୧୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୩ଜଣ ( ୧୬ଜଣ ପୁରୁଷ ଓ ୭ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨୨ଜଣ (୧୩ ଜଣ ପୁରୁଷ ଓ ୯ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୯ଜଣ ( ୧୩ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୬ଜଣ ( ୧୦ଜଣ ପୁରୁଷ ଓ ୬ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୨ଜଣ (୧୦ ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ୨ ଜଣ ( ୨ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୮୧ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୧୭ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୫୭ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୫୯୫ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୩୫୭ ତା.୧୪.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ